# ଭୁବନେଶ୍ୱର ମହାନଗର ନିଗମ, ଭୁବନେଶ୍ୱର

## ସ୍ଲମ୍ ସେଟଲ୍‌ମେଂଟ ଅତିରିକ୍ତ ଷ୍ଟାଣ୍ଡିଂ କମିଟି ବୈଠକ ବିବରଣୀ

ତା.୧୮.୦୪.୨୦୨୩ ରିଖ

ସମୟ-ଅପରାହ୍ନ ଘ.୪.୦୦ ଟିକା
ସ୍ଥାନ- BMC-ICOMC ର ତଳ ମହଲା
ସ୍ଥିତ, କ୍ଷୁଦ୍ର ସଭାକକ୍ଷ

ଉପସ୍ଥିତ ସଭ୍ୟ/ସଭ୍ୟା:-

୧. ଶ୍ରୀମତୀ ମହାମାୟା ସ୍ୱାଇଁ, ଚେୟାରପରସନ୍,
୨. ଶ୍ରୀ ଅଜିତ୍ ବେହେରା,
୩. ଶ୍ରୀ ଆଶିଷ କୁମାର ପଟ୍ଟନାୟକ,
୪. ପୂଜା ବେହେରା,
୫. ଶ୍ରୀମତୀ ସ୍ମୃତିଶିଖା ବରିସଲ

ଅଦ୍ୟ ତା ୧୮.୦୪.୨୦୨୩ ରିଖ ଅପରାହ୍ନ ଘ. ୪.୦୦ ଟିକା ସମୟରେ BMC-ICOMC ର ତଳ ମହଲା (LG Floor) ସ୍ଥିତ, କ୍ଷୁଦ୍ର ସଭାକକ୍ଷ (Mini Conference Hall) ରେ ଭୁବନେଶ୍ୱର ମହାନଗର ନିଗମର ସ୍ଲମ୍ ସେଟଲ୍‌ମେଂଟ ଅତିରିକ୍ତ ଷ୍ଟାଣ୍ଡିଂ କମିଟିର ଏକ ବୈଠକ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ କମିଟିର ସଭାପତି ଶ୍ରୀମତୀ ମହାମାୟା ସ୍ୱାଇଁ ସଭାପତିତ୍ୱ କରିଥିଲେ । ପ୍ରାରମ୍ଭରେ ସଭାପତି ଉପସ୍ଥିତ ସଭ୍ୟ/ସଭ୍ୟା ମାନଙ୍କୁ ସ୍ୱାଗତ କରିବା ପରେ ସଭା କାର୍ଯ୍ୟ ଆରମ୍ଭ ହୋଇଥିଲା ।

ପ୍ରସ୍ତାବ-୧. ସଭାପତିଙ୍କ ଅନୁମତି କ୍ରମେ ନିମ୍ନଲିଖିତ ପ୍ରସ୍ତାବ ଉପରେ ଆଲୋଚନା କରାଯାଇ ନିମ୍ନମତେ ସିଦ୍ଧାନ୍ତ ଗ୍ରହଣ କରାଗଲା ।

ନିର୍ଦ୍ଧାରଣ-୧(୧). ଭୁବନେଶ୍ୱର ମହାନଗର ନିଗମାଂଚଳରେ ବସବାସ କରୁଥିବା ବସ୍ତିବାସିନ୍ଦା ମାନଙ୍କୁ ଭୂମି ଅଧିକାର ପ୍ରମାଣପତ୍ର ପ୍ରଦାନ କରିବା ପାଇଁ ପ୍ରସ୍ତୁତ ହୋଇଥିବା ତାଲିକା ଉପରେ ଗ୍ରହଣ କରାଯାଇଥିବା ଆପତି ଓ ଅଭିଯୋଗ ଗୁଡ଼ିକ ଉପରେ ଶୁଣାଣି କରିବା ପାଇଁ ତାରିଖ ଧାର୍ଯ୍ୟ କରିବା ପୂର୍ବରୁ ପ୍ରଥମେ ପ୍ରତି ୱାର୍ଡ଼ରେ ଥିବା ବସ୍ତିୱାଇଜ୍ ତାଲିକା ପ୍ରସ୍ତୁତ କରି କେଉଁ କାରଣ ପାଇଁ ହିତାଧିକାରୀଙ୍କୁ ବର୍ତ୍ତମାନ ଭୂମି ପ୍ରମାଣପତ୍ର ପାଇପାରିବେ ନାହିଁ ତାହାର କାରଣ ତାଲିକାରେ ଉଲ୍ଲେଖ କରି ବସ୍ତିରେ ଶୁଣାଣି କରିବାକୁ ଯିବାପାଇଁ ନିର୍ଦ୍ଦେଶ ଦେବା ନିମନ୍ତେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା ।

ସର୍ବ ଶେଷରେ ସମସ୍ତ ସଭ୍ୟ/ସଭ୍ୟା ମାନେ ବୈଠକରେ ଉପର ବର୍ଣ୍ଣିତ ଆଲୋଚନାରେ ଅଂଶଗ୍ରହଣ କରି ସୁଚିନ୍ତିତ ମତାମତ ପ୍ରଦାନ କରିଥିବାରୁ ସଭାପତି ସମସ୍ତଙ୍କୁ ଧନ୍ୟବାଦ ଦେବା ପରେ ଅପରାହ୍ନ ୪.୫୫ ମିନିଟ୍ ସମୟରେ ସଭା ସାଙ୍ଗ କରାଗଲା ।

ସ୍ୱା/- ମହାମାୟା ସ୍ୱାଇଁ
ସଭାପତି
ତା ୧୮.୦୪.୨୦୨୩ ରିଖ